ଓଡିଶା ସରକାର
ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ
*******

No.RDM-LAB-KPT-0014-2019 14523 /R&DM Dated. 18 APR 2020

<u>ସାମାଜିକ ପ୍ରଭାବ ନିର୍ଦ୍ଧାରଣ ନିମନ୍ତେ ଅଧିସୂଚନା</u>

ରାଜ୍ୟ ସରକାର ପ୍ରଭାବିତ ଗ୍ରାମ / ୱାର୍ଡ ସ୍ତରରେ ସମ୍ପୃକ୍ତ ଗ୍ରାମ ପଞ୍ଚାୟତଙ୍କ ପରାମର୍ଶକ୍ରମେ ନିମ୍ନଲିଖିତ ଭୂମି ଅଧିଗ୍ରହଣ କରିବାକୁ ଚାହୁଁଛନ୍ତି ଏବଂ ସେଥି ନିମନ୍ତେ ସର୍ବସାଧାରଣ ଉଦ୍ଦେଶ୍ୟରେ ପ୍ରଭାବିତ ଅଞ୍ଚଳରେ ସାମାଜିକ ପ୍ରଭାବ ନିର୍ଦ୍ଧାରଣ (Social Impact Assessment) ସର୍ବେକ୍ଷଣ କରିବାକୁ ଚାହୁଁଛନ୍ତି । ଭୂମି ଅର୍ଜନ, ପୁନର୍ବାସ ଓ ଥଇଥାନରେ ଉଚିତ ମୂଲ୍ୟ ଏବଂ ସ୍ୱଚ୍ଛତା ଅଧିକାର ଆଇନ -୨୦୧୩ ର ଧାରା ୪ ଅନୁଯାୟୀ ଉକ୍ତ ସର୍ବେକ୍ଷଣ କରାଯିବ ।

୧. ପ୍ରକଳ୍ପ ବିକାଶକାରୀ ଙ୍କ ନାମ :- ନିର୍ବାହୀ ଯନ୍ତ୍ରୀ, କ୍ଷୁଦ୍ର ଜଳ ସେଚନ ବିଭାଜନ, ଜୟପୁର, କୋରାପୁଟ ।

୨.ପ୍ରସ୍ତାବିତ ଭୂମି ଅଧିଗ୍ରହଣ ର ଉଦ୍ଦେଶ୍ୟ- କ୍ଷୁଦ୍ର ଜଳ ସେଚନ ପ୍ରକଳ୍ପ ନିମନ୍ତେ ।

୩. SIA study କରୁଥିବା ଅନୁଷ୍ଠାନର ଯୋଗାଯୋଗ ସୂଚନା :- Arun Institute of Rural Affairs(AIRA), Bhubaneswar.

SIA ସର୍ବେକ୍ଷଣ ଅନୁଷ୍ଠାନ :- Nabakrushna Choudhury Centre for Development Studies , Bhubaneswar ,Phone No. 0674-2300471, 2301094 .

୪.ପ୍ରକଳ୍ପ ପାଇଁ କୋରାପୁଟ ଜିଲ୍ଲାରେ ପ୍ରସ୍ତାବିତ ଭୂ ଅଧିଗ୍ରହଣର ବିବରଣୀ/ ତଫସିଲ

| କ୍ରମିକ ନଂ | ତହସିଲ | ଗ୍ରାମ ପଞ୍ଚାୟତ | ଗ୍ରାମ | ବେସରକାରୀ ଜମି- (ହେକ୍ଟର/ଏକର) | ମନ୍ତବ୍ୟ |
|---|---|---|---|---|---|
| ୧ | ବଇପାରିଗୁଡା | ଚନ୍ଦ୍ରପଡା | **ଚନ୍ଦ୍ରପଡା** | **ହେକ୍ଟର ୨.୫୦୭** | |
| ୨ | ବଇପାରିଗୁଡା | ଚନ୍ଦ୍ରପଡା | **ପାଲିଗୁଡା** | **ହେକ୍ଟର ୧.୨୧୨** | |
| | | | ମୋଟ | **ହେକ୍ଟର ୩.୭୧୯** | |

ଏଥି ସହିତ ଭୂମି ଅନୁସୂଚି ସଲଂଗ୍ନ କରାଯାଇଛି ।

୫. ପ୍ରସ୍ତାବିତ ପ୍ରକଲ୍ପ ର ସଂକ୍ଷିପ୍ତ ବିବରଣୀ :- ପେଟୁଜଡିନାଳ କ୍ଷୁଦ୍ର ଜଳ ସେଚନ ପ୍ରକଳ୍ପ ନିର୍ମାଣ କରାଯିବ । ଉକ୍ତ ପ୍ରକଳ୍ପଟି କୋରାପୁଟ ଜିଲ୍ଲାର **ଚନ୍ଦ୍ରପଡା ଓ ପାଲିଗୁଡା** ଗ୍ରାମ ଦେଇ ଯିବ ।

କ୍ରମଶଃ..............

୬. SIA ସର୍ବେକ୍ଷଣରେ ଅନ୍ତର୍ଭୁକ୍ତ ପ୍ରକଳ୍ପ ଅଞ୍ଚଳ ଏବଂ ପ୍ରକଳ୍ପ ପ୍ରଭାବିତ ଅଂଚଳ :- କୋରାପୁଟ ଜିଲ୍ଲାରେ ଉପରୋକ୍ତ **୨ଟି ଗ୍ରାମର ୩.୭୧୯ ହେକ୍ଟର** ଘରୋଇ ଜମି **ପେଟୁଜଡିନାଳ କ୍ଷୁଦ୍ର ଜଳ ସେଚନ ପ୍ରକଳ୍ପ ନିର୍ମାଣ** ପାଇଁ ଅନ୍ତର୍ଭୁକ୍ତ । ପ୍ରକଳ୍ପ ପ୍ରଭାବିତ ଜମିର ବିସ୍ତୃତ ତାଲିକା/ତଫସିଲ SIA ସର୍ବେକ୍ଷଣ ଅନ୍ତେ ମିଳି ପାରିବ ।

୭. SIA ସର୍ବେକ୍ଷଣର ପ୍ରାଥମିକ ଉଦ୍ଦେଶ୍ୟ ଏବଂ ମୁଖ୍ୟ କାର୍ଯ୍ୟାବଳୀ :- ସର୍ବସାଧାରଣ ଉଦ୍ଦେଶ୍ୟ ନିର୍ଦ୍ଧାରଣ ପ୍ରଭାବିତ ଅଞ୍ଚଳରେ ଥିବା ସମସ୍ତ ଗ୍ରାମ ପଞ୍ଚାୟତ / ଗ୍ରାମ / ୱାର୍ଡ ର ପରାମର୍ଶ କ୍ରମେ SIA ସର୍ବେକ୍ଷଣ କରାଯିବ । SIA ସର୍ବେକ୍ଷଣ କ୍ଷେତ୍ର ପରିଦର୍ଶନ, ପ୍ରଭାବିତ ବ୍ୟକ୍ତିଙ୍କ ସାମୁହିକ ଆଲୋଚନା ଏବଂ ପ୍ରଭାବିତ ବ୍ୟକ୍ତିଙ୍କ ମତାମତ ଚୁଡାନ୍ତ ରିପୋର୍ଟ ରେ ସ୍ଥାନିତ ହେବ । **ଭୂମି ଅଧିଗ୍ରହିତ ପ୍ରତ୍ୟକ୍ଷ ଅଥବା ପରୋକ୍ଷ ଶତକଡା ୨୫ ଭାଗ ପ୍ରଭାବିତ ସମସ୍ତ ଗ୍ରାମସଭା ମାନଙ୍କରେ ଜନଶୁଣାଣି କରାଯିବ ।**

୮. ଗ୍ରାମସଭା / ଭୂମି ମାଲିକଙ୍କ ସହମତି ଆବଶ୍ୟକ କି ?

**ସହମତି ଆବଶ୍ୟକ ।**

୯. SIA ସର୍ବେକ୍ଷଣ ଆରମ୍ଭ ଏବଂ ସମାପନ ରିପୋର୍ଟ ପ୍ରଦାନ ଏବଂ ତାହାର ପ୍ରକାଶନ ସରକାରୀ ବିଜ୍ଞପ୍ତି ପ୍ରକାଶିତ ଦିବସଠାରୁ ୪ ମାସ ମଧ୍ୟରେ SIA ସର୍ବେକ୍ଷଣ ସମାପନ କରାଯିବ । SIA ସର୍ବେକ୍ଷଣ ରିପୋର୍ଟ ସମ୍ପୃକ୍ତ ପ୍ରଭାବିତ ପଞ୍ଚାୟତ /ଗ୍ରାମ/ୱାର୍ଡ ସ୍ତରରେ ସ୍ଥାନୀୟ ଭାଷାରେ ପ୍ରକାଶନ କରାହେବ । ତତସହିତ ଜିଲ୍ଲାପାଳ, ଉପଜିଲ୍ଲାପାଳ ଏବଂ ବ୍ଲକ ମହକୁମାରେ ପ୍ରକାଶନ କରାଯିବ ଏବଂ ସର୍ବସାଧାରଣଙ୍କ ଗୋଚରାର୍ଥେ ସରକାରଙ୍କ ୱେବ ସାଇଟ ରେ ସୁଚିତ ହେବ ।

ରାଜ୍ୟପାଳଙ୍କ ଆଦେଶାନୁସାରେ

୧୮/୨/୨୦୨୦

ଅତିରିକ୍ତ ଶାସନ ସଚିବ

**କ୍ରମଶଃ................**